# ଆଜି ଅନୁଗୋଳ ଜିଲ୍ଲାରୁ ୧୫୮ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୫୪୨୦ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୨୯ ଜଣ ।

ଅନୁଗୋଳ,୦୭.୧୦.୨୦:-

ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୧୫୮ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ଆଜି ୪ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୯୦ ରେ ପହଂଚିଲା । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ତାଳଚେର ବ୍ଲକ୍ ଅଂଚଳରୁ ୨୫ ଜଣ ( ୧୮ ଜଣ ପୁରୁଷ ଓ ୭ ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୨୩ ଜଣ (୧୮ ଜଣ ପୁରୁଷ ଓ ୫ଜଣ ମହିଳା), ଅନୁଗୋଳ ପୌରାଂଚଳରୁ ୨୩ ଜଣ (୧୭ ଜଣ ପୁରୁଷ ଓ ୬ ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨୨ ଜଣ (୧୮ ଜଣ ପୁରୁଷ ଓ ୪ଜଣ ମହିଳା), ବଅଁରପାଲ ବ୍ଲକ୍ ଅଂଚଳରୁ ୧୭ ଜଣ ( ୧୪ଜଣ ପୁରୁଷ ଓ ୩ ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୫ ଜଣ (୧୩ ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ପୌରାଂଚଳରୁ ୧୨ ଜଣ( ୮ଜଣ ପୁରୁଷ ଓ୪ ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୦ ଜଣ( ୮ଜଣ ପୁରୁଷ ଓ ୨ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୮ ଜଣ (୪ ଜଣ ପୁରୁଷ ଓ ୪ ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୨ ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା)ଓ କିଶୋରନଗର ବ୍ଲକ୍ ଅଂଚଳରୁ ୧ ଜଣ (୧ ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୨୯ ଜଣ ସୁସ୍ଥ ହୋଇଛନ୍ତି । ସେମାନଂକ ମଧ୍ୟରେ୧୫ ଜଣ କୋଭିଡ ହସପିଟାଲରୁ , ୧ଜଣ କୋଭିଡ କେୟାର ସେଣ୍ଟରରୁ ଓ ୧୧୩ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୬୭୩ ତା.୦୭.୧୦.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ